ପ୍ରେସ୍ ନୋଟ୍ ।

# ଆଜି ଅନୁଗୋଳରୁ ୧୧ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୪୪୨ରେ - ସୁସ୍ଥ ହେଲେ ୧୪ ଜଣ ।

ଅନୁଗୋଳ,ତା.୧୧.୮:-ଆଜି ଅନୁଗୋଳ ଜିଲ୍ଲାରୁ ୧୧ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍, କଣିହାଁ ବ୍ଲକ୍ ଓ ତାଳଚେର ପୌରାଂଚଳରୁ ୩ ଜଣ ଲେଖାଏଁ ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୨ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ବଅଁରପାଳ ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ୩ ଜଣ ଆକ୍ରାନ୍ତଂକ ମଧ୍ୟରେ ଜଣେ ୨୮ ଓ ଜଣେ ୧୮ ବର୍ଷିୟ ପୁରୁଷ ଭୁବନେଶ୍ୱରର ଏକ ଘରୋଇ ହସପିଟାଲରେ ଚିକିତ୍ସିତ ହେଉଥିବା ବେଳେ ପଜିଟିଭ ହୋଇଥିବାର ଜଣାପଡିଛି । ଅନ୍ୟ ଜଣେ ବଅଁରପାଳ ଶିଳ୍ପାଂଚଳର ୨୭ ବର୍ଷିୟ ପୁରୁଷ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ଚିହ୍ନଟ ହୋଇଛନ୍ତି । କଣିହାଁ ବ୍ଲକର ଏକ ଶିଳ୍ପାଂଚଳରୁ ଚିହ୍ନଟ ହୋଇଥିବା ୩ ଜଣ ଆକ୍ରାନ୍ତଂକ ମଧ୍ୟରେ ଜଣେ ୨୫ ବର୍ଷିୟା ମହିଳା,ଜଣେ ୧୫ ବର୍ଷିୟା ବାଳିକା ଓ ଜଣେ ୪ ବର୍ଷିୟ ଶିଶୁ ପୁତ୍ର ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ଚିହ୍ନଟ ହୋଇଛନ୍ତି । ତାଳଚେର ପୌରାଂଚଳରୁ ଚିହ୍ନଟ ହୋଇଥିବା ୩ ଜଣ ଆକ୍ରାନ୍ତ ମଧ୍ୟରେ ୨ ଜଣ ପୁରୁଷଙ୍କ ବୟସ ଯଥାକ୍ରମେ ୧୮ ଓ ୫୦ ବର୍ଷ ହୋଇଥିବାବେଳେ ଜଣେ ମହିଳାଂକ ବୟସ ୪୫ ବର୍ଷ ଅଟେ । ଏମାନେ ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନୁଗୋଳ ବ୍ଲକରୁ ଚିହ୍ନଟ ହୋଇଥିବା ୨ ଜଣ ଆକ୍ରାନ୍ତଂକ ମଧ୍ୟରେ ୨ ଜଣ ଯାକ ପୁରୁଷ ଯାହାଂକ ବୟସ ଯଥାକ୍ରମେ ୨୩ ଓ ୪୧ ବର୍ଷ ଅଟେ । ଏମାନେ ଭୁବନେଶ୍ୱରର ଏକ ଘରୋଇ ହସପିଟାଲରେ ଚିକିତ୍ସିତ ହେଉଥିବା ବେଳେ ପଜିଟିଭ ହୋଇଥିବାର ଜଣାପଡିଛି । ଏମାନଂକ ମଧ୍ୟରୁ ୭ ଜଣ ଆକ୍ରାନ୍ତଂକୁ ଚିକିତ୍ସା ନିମନ୍ତେ ପଦକ୍ଷେପ ନିଆଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତି ମଧ୍ୟରେ ସୁସ୍ଥ ହୋଇଥିବା ୧୪ଜଣଂକୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଛି । ପୂର୍ବରୁ ସୁସ୍ଥ ହୋଇଥିବା ୩୩୦ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୩୪୪ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୩୧ ତା.୧୧.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ